ଓଡ଼ିଶା ରାଜ୍ୟ ମୁକ୍ତ ବିଶ୍ୱବିଦ୍ୟାଳୟ : ଓଡ଼ିଶା ରାଜ୍ୟ ମୁକ୍ତ ବିଶ୍ୱବିଦ୍ୟାଳୟରେ ଗୁରୁଦିବସ ପାଳନ କରାଯାଇଛି। ଏହି ସମାରୋହରେ କୁଳପତି ପ୍ରଫେସର ଶ୍ୟାମସୁନ୍ଦର ପଟ୍ଟନାୟକ ତାଙ୍କ ଭାଷଣରେ ଛାତ୍ରମାନଙ୍କୁ ଗଢ଼ିବାରେ ଶିକ୍ଷକମାନଙ୍କ ଗୁରୁତ୍ୱପୂର୍ଣ୍ଣ ଭୂମିକା ସଂପର୍କରେ ଆଲୋକପାତ କରିଥିଲେ। ବିଶ୍ୱବିଦ୍ୟାଳୟର କୁଳସଚିବ ଡ. ଚିତ୍ତରଂଜନ ସାହୁଙ୍କ ସମେତ ଅନ୍ୟ ଅଧିକାରୀ ଓ ଅଧ୍ୟାପକମାନେ ଉପସ୍ଥିତ ଥିଲେ।

# ସଂକ୍ଷେପରେ

## ଓଡ଼ିଶା ରାଜ୍ୟ ମୁକ୍ତ ବିଶ୍ୱବିଦ୍ୟାଳୟ ଶିକ୍ଷକ ଦିବସ

ସମ୍ବଲପୁର,୫।୯(ବି.ଶଙ୍କର)

ଓଡିଶା ରାଜ୍ୟ ମୁକ୍ତ ବିଶ୍ୱବିଦ୍ୟାଳୟ (ଓଏସଓୟୁ) ପକ୍ଷରୁ ଶିକ୍ଷକ ଦିବସ ଗୁରୁବାର ସମ୍ବଲପୁର ଜିଲା ବଡସିଂଘାରୀ ସ୍ଥିତ ନିଜସ୍ୱ କାର୍ଯ୍ୟାଳୟ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ହୋଇଯାଇଛି। ବିଶ୍ୱବିଦ୍ୟାଳୟ କୁଳପତି ପ୍ରଫେସର ଶ୍ୟାମସୁନ୍ଦର ପଟ୍ଟନାୟକ ଶିକ୍ଷକମାନଙ୍କ ଅମୂଲ୍ୟ ଅବଦାନ ବିଷୟରେ ଆଲୋଚନା କରିଥିଲେ। ବିଦ୍ୟାର୍ଥୀର ଭବିଷ୍ୟତ ଗଠନରେ ଶିକ୍ଷକମାନଙ୍କର ପ୍ରମୁଖ ଭୂମିକା ରହିଛି ବୋଲି ସେ କହିଥିଲେ। ପଟ୍ଟନାୟକ ଶିକ୍ଷାଦାନରେ ନବସୃଜନର ଗୁରୁତ୍ୱ ଉପରେ ଆଲୋକପାତ କରିଥିଲେ। କୁଳସଚିବ ଡ.ଚିତ୍ତରଞ୍ଜନ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ। ଅର୍ଥ ଅଧିକାରୀ ନଳିନୀ ରଞ୍ଜନ ସାହୁ କାର୍ଯ୍ୟକ୍ରମ ପରିଚାଳନାରେ ପ୍ରମୁଖ ଭୂମିକା ଗ୍ରହଣ କରିଥିଲେ। ନିମନ୍ତ୍ରିତ ଅଧ୍ୟାପକମାନେ ସେମାନଙ୍କର ଜ୍ଞାନ, ଅଭିଜ୍ଞତା ଏବଂ ଧାରଣା ବାଣ୍ଟିଥିଲେ।

# ଓଡ଼ିଶା ମୁକ୍ତ ବିଶ୍ୱବିଦ୍ୟାଳୟ

ସମ୍ବଲପୁର, ୫।୯ (ନି.ପ୍ର): ଓଡ଼ିଶା ମୁକ୍ତ ବିଶ୍ୱବିଦ୍ୟାଳୟରେ ଗୁରୁଦିବସ ପାଳିତ ହୋଇଯାଇଛି। କୁଳପତି ପ୍ରଫେସର ଶ୍ୟାମସୁନ୍ଦର ପଟ୍ଟନାୟକଙ୍କ ଅଧ୍ୟକ୍ଷତାରେ ଆୟୋଜିତ ସମାରୋହରେ କୁଳସଚିବ ଚିତ୍ତରଞ୍ଜନ ସାହୁ ଏବଂ ବରିଷ୍ଠ ଅଧିକାରୀ, ଅଧ୍ୟାପକ ମାନେ ଯୋଗଦେଇ ଗୁରୁଦିବସର ମହତ୍ତ୍ୱ ଉପରେ ଆଲୋକପାତ କରିଥିଲେ।